## ଗ୍ରାମୀଣ କୃଷି ମୌଷମ ସେବା, କ୍ଷେତ୍ରୀୟ କୃଷି ଉପଦେଶ ଏକକ, କିରେଇ
## ଆଞ୍ଚଳିକ ଗବେଷଣା ସଂପ୍ରସାରଣ ଉପକେନ୍ଦ୍ର,ସୁନ୍ଦରଗଡ
## ଓଡିଶା କୃଷି ଓ ବୈଷୟିକ ବିଶ୍ୱ ବିଦ୍ୟାଳୟ,ସୁନ୍ଦରଗଡ

***ସାପ୍ତାହିକ କ୍ରମିକ ସଙ୍ଖ୍ୟା : ୦୪ , ବୁଲେଟିନ ନମ୍ବର- ୦୮, ତାରିଖ :୨୭।୦୧।୨୦୨୪, ଶନି ବାର***

**ଆସନ୍ତା ପାଞ୍ଚ ଦିନର ପାଣିପାଗ ସୂଚନା :**

ଆଗାମୀ ୨୮.୦୧.୨୦୨୪–୦୧.୦୨.୨୦୨୪ ,ରବି ବାର – ଗୁରୁ ବାର ପର୍ଯ୍ୟନ୍ତ ସପ୍ତାହର ପାଣିପାଗ ଆଗାମୀ ପାଞ୍ଚ ଦିନରେ ହାଲୁକା ଧରଣର ବର୍ଷା ହେବାର ସମ୍ଭାବନା ରହିଅଛି ।ସର୍ବାଧିକ ତାପମାତ୍ରା (୨୬ -୨୮ $^{0}$C) ମଧ୍ୟରେ ରହିବାର ସମ୍ଭାବନା ରହିଛି ଓ ସର୍ବନିମ୍ନ ତାପମାତ୍ରା (୭ -୧୩ $^{0}$C ) ମଧ୍ୟରେ ରହିବାର ସମ୍ଭାବନା ରହିଛି ।ଆଗାମୀ ସପ୍ତାହର ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (୪୮–୬୪ %) ମଧ୍ୟରେ ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (୨୧–୩୬%) ମଧ୍ୟରେ ରହିବାର ଭାରତ ପାଣିପାଗ ବିଭାଗ ,ଭୁବନେଶୋର ର ତଥ୍ୟ ଅନୁଯାୟୀ ପୂର୍ବାନୁମାନ କରାଯାଉଅଛି ।

| ଜିଲ୍ଲା | ତାରିଖ | ବର୍ଷା (ମି.ମି) | ସର୍ବାଧିକ ତାପମାତ୍ରା (ଡି.ସେ) | ସର୍ବନିମ୍ନ ତାପମାତ୍ରା (ଡି.ସେ) | ମେଘାଛନ୍ନ | ସର୍ବାଧିକ ଆପେକ୍ଷିକ ଆଦ୍ରର୍ତା (ପ୍ରତିଶତ) | ସର୍ବନିମ୍ନ ଆପେକ୍ଷିକ ଆଦ୍ରର୍ତା (ପ୍ରତିଶତ) | ବାୟୁ ର ବେଗ (କି.ମି. ପ୍ର.ଘ) | ବାୟୁ ର ଦିଗ (ଡି.ଗ୍ରୀ) |
|---|---|---|---|---|---|---|---|---|---|
| ସୁନ୍ଦରଗଡ | ୨୮-୦୧-୨୦୨୪ | ୦ | ୨୬ | ୭ | ୩ | ୪୮ | ୨୧ | ୪ | ୭୨ |
| | ୨୯-୦୧-୨୦୨୪ | ୦ | ୨୭ | ୯ | ୨ | ୫୫ | ୨୨ | ୫ | ୯୦ |
| | ୩୦-୦୧-୨୦୨୪ | ୦ | ୨୭ | ୧୦ | ୨ | ୬୨ | ୨୪ | ୬ | ୧୧୨ |
| | ୩୧-୦୧-୨୦୨୪ | ୦ | ୨୮ | ୧୧ | ୪ | ୬୪ | ୨୮ | ୬ | ୨୧୪ |
| | ୦୧-୦୨-୨୦୨୪ | ୭ | ୨୭ | ୧୩ | ୬ | ୬୪ | ୩୬ | ୮ | ୭୨ |

### କୃଷି ପାଣିପାଗ ଉପଦେଶ

**ସାଧାରଣ ପରାମର୍ଶ : ଡାଲୁଅ ଧାନ :** ପ୍ରତି ୩ ବର୍ଷରେ ବିହନ ବଦଳାନ୍ତୁ । ବିହନ ଗଜା ପରୀକ୍ଷା କରି ବୁନନ୍ତୁ ।

**ଧାନ ତଳି ପରିଚାଳନା :**

ନର୍ସରୀରେ ହାଲୁକା ଜଳସେଚନ ପ୍ରୟୋଗ କରନ୍ତୁ ।

ବିହନ ବୁଣିବାର ୧୫ ଦିନ ପରେ ଧାନ ନର୍ସରୀରେ ଛିଡା ଜଳ ରଖନ୍ତୁ | ୧୫ ଦିନରେ ବିହନର ସଠିକ୍ ଶକ୍ତି ପାଇଁ ୪ କିଲୋଗ୍ରାମ ୟୁରିଆ ପ୍ରୟୋଗ କରନ୍ତୁ ।

ଜାନୁଆରୀ ମାସ ଶେଷରେ ନର୍ସରୀ ପ୍ରସ୍ତୁତି କାର୍ଯ୍ୟ ଶେଷ କର ।

ଏଥିପାଇଁ ହାଲୁକା ଏବଂ ମଧ୍ୟମ କିସମର ମଞ୍ଜି ବ୍ୟବହାର କରନ୍ତୁ ।

ଶେଷ ଚାଷ ସମୟରେ, ୪୦ ଟୋକେଇ ଗୋବର ଖତ, ୧୨ କିଲୋଗ୍ରାମ ସିଙ୍ଗଲ୍ ସୁପର ଫସଫେଟ୍ ଏବଂ ୦୨ କିଲୋଗ୍ରାମ ମୁରିଏଟ୍ ପୋଟାଶ୍ ସାର ମାଟିରେ ମିଶାନ୍ତୁ ।

**ଶ୍ରୀ ଧାନ :** ଧାନ ନର୍ସରୀ ପ୍ରସ୍ତୁତ କରନ୍ତୁ ଏବଂ ମୁଖ୍ୟ କ୍ଷେତରେ ୧୦୧୨ ଦିନ ପୁରୁଣା ବିହନ ପ୍ରତିରୋପଣ କରନ୍ତୁ ।

**ରବି ଡାଲି ଜାତୀୟ ଫସଲ :**

ମୁଗ ବିରି ବୁଟ ଓ ମଟର ଫସଲରେ ଶତକଡା ୯୦ ଭାଗ ପାକଳ ହେଲେ ଅମଳ କରନ୍ତୁ ।

ଅମଳ ପରେ ମଞ୍ଜିକୁ ଭଲଭାବରେ ଟାଣ ଖରାରେ ୨-୩ ଦିନ ଶୁଖାଇ ସାଇତି ରଖନ୍ତୁ ।

ମୁଗ ବିରିରେ କୁଇଣ୍ଟାଲ ପ୍ରତି ୨୦୦ ଗ୍ରାମ ସୋରିଷ ତେଲ କିମ୍ବା ରାଶି ତେଲ ଗୋଳାଇ ରଖିଲେ ପୋକ ଲାଗିବାର ଆଶଙ୍କା କମିଯାଇଥାଏ ।

**ପିଆଜ :**

ପିଆଜର ପତ୍ରଗୁଡିକ ହଳଦିଆ ପଡିଲେ ପିଆଜ ପାକଳ ହୋଇଯାଇଥାଏ ।

ଏହି ସମୟରେ ଅମଳ କରନ୍ତୁ ।

ଅମଳର ୩/୪ ସପ୍ତାହ ପରେ ତାକୁ ସାଇତି ରଖନ୍ତୁ ।

ଏହାଦ୍ୱାରା ପିଆଜର ଜଳୀୟ ଅଂଶ ଅନେକାଂଶରେ କମିଯାଇଥାଏ ।

**ଚିନାବାଦାମ :**

ଚିନାବାଦାମ ଫସଲରେ ଫୁଲ ଆସିବାସମୟରେ କୋଡା ଖୁସା କରନ୍ତୁ ନାହିଁ ।

ଚିନାବାଦାମ ଫସଲରେ ପତ୍ରକଣା ଓ ପତ୍ରଖିଆପୋକ ଲାଗିବା ଦେଖାଦେଲେ ପ୍ରତି ଲିଟର ପାଣିରେ ୧ ମି.ଲି.ହିସାବରେ ଲାମ୍ବଡାସାଇହାଲୋଥ୍ରିନ ୫% ଇ.ସି ମିଶାଇ ସିଞ୍ଚନ କରନ୍ତୁ ।

**ମକା :**

ମକା ଫସଲ ୨-୩ ସପ୍ତାହର ହୋଇଗଲେ କୋଡାଖୁସା କରି ଘାସ ବାଛନ୍ତୁ ।

ଘାସ ବଛା ପରେ ଏକର ପ୍ରତି ୮ କିଗ୍ରା ଯବକ୍ଷାରଜାନ ସାର ଗଛଠାରୁ ୫ସେମି ଛାଡି ଧାଡିରେ ପ୍ରୟୋଗ କରନ୍ତୁ ଓ ହୁଡା ଟେକନ୍ତୁ ।

ମାଟିର ବତର କୁ ଚାହିଁ ଜଳସେଚନ କରନ୍ତୁ ।

କୌଣସି ଅବସ୍ଥାରେ ୬ ଘଣ୍ଟାରୁ ଅଧିକ ସମୟ ଠିଆ ପାଣି ରଖନ୍ତୁ ନାହିଁ ।

**ଗହମ :**

କାଳିଗୁଣ୍ଡି ରୋଗର ଦମନ ପାଇଁ ଆକ୍ରାନ୍ତ ଗଛଗୁଡିକୁ ମାଟିରେ ପୋତି ଦିଅନ୍ତୁ କିମ୍ବା ପୋଡି ଦିଅନ୍ତୁ ଏବୌଁ ଏକର ପ୍ରତି ୨୦୦ ଗ୍ରାମ କାର୍ବେଣ୍ଡାଜିମ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

ସଅଳ ଲଗାଯାଇଥିବା ଫସଲରେ ଶସ୍ୟଦାଗ ରୋଗ ଲାଗିବାର ସମ୍ଭାବନା ଅଛି ।

ଏହାର ଦମନ ପାଇଁ ଏକର ପ୍ରତି ୬୦୦ ଗ୍ରାମ ମାଙ୍କୋଜେବ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

ଫୁଲ ଓ କ୍ଷୀର ଢୋକିବା ଅବସ୍ଥାରେ ଜଳସେଚନ ପ୍ରତି ଧ୍ୟାନ ଦିଅନ୍ତୁ ।

**ସୋରିଷ :**

ଜସେଚନର ସୁବିଧା ଥିଲେ ଛୁଇଁ ଅବସ୍ଥାରେ ହାଲୁକା ଜଳସେଚନ କରନ୍ତୁ ।

ଛୁଇଁ ହଳଦିଆ ପଡିଲେ ଅମଳ କରି ଖରାରେ ୨ ରୁ ୩ ଦିନ ଶୁଖାଇ ଅମଳ କରନ୍ତୁ ।

**ଆଳୁ ଚାଷ :**

ଆଳୁ ଗଛର କାଣ୍ଡ ଶୁଖି ଢଳି ପଡିଲେ ଆଳୁ ଅମଳ କରନ୍ତୁ ।

ଆଳୁ ପାକଳ ହେବାପାଇଁ ଖୋଳିବା ପୂର୍ବରୁ କାଣ୍ଡଗୁଡିକୁ କାଟି ଦିଅନ୍ତୁ ।

ଅମଳ ପରେ ଆଳୁକୁ ୨-୩ ଦିନ ଛାଇରେ ଶୁଖାଇ ଦିଅନ୍ତୁ ।

ଶୀତଳ ଭଣ୍ଡାର କୁ ନେବାପୂର୍ବରୁ ୩% ବୋରିକ ଏସିଡ ରେ ୧୫ ମିନିଟ ବୁଡାଇ ଶୁଖାଇ ଦିଅନ୍ତୁ ।

**ସୂର୍ଯ୍ୟାମୂଖୀ :**

ଏବେଠାରୁ ଖରାଦିନିଆ ସୂର୍ଯ୍ୟାମୂଖୀ ପାଇଁ ଜମି ପ୍ରସ୍ତୁତ କରନ୍ତୁ

ଉନ୍ନତ କିସମ ପାଇଁ ସନରାଇଜ ମୋରଡେନ ଓ ଶଙ୍କର ଜାତୀୟ ପାଇଁ ଏମ ଏସ ଏଫ ଏଚ -୧୭ କେ ବି ଏସ ଏଚ -୧ ପି ଏ ସି -୩୬ ପିଏସି -୧୦୯୧ ଆଦି ବିହନ ସଂଗ୍ରହ କରନ୍ତୁ

ରବି ସୂର୍ଯ୍ୟାମୂଖୀ ବୁଣିବାର ୨୧-୩୦ ଦିନ ର ହୋଇଥିଲେ ଜମିକୁ କୋଡାଖୁସା କରି ଘାସ ଓ ଅନାବନା ଗଛ ବାଛି ଦିଅନ୍ତୁ ଏକର ପ୍ରତି ଉନ୍ନତ କିସମ ହୋଇଥିଲେ ୩ କିଗ୍ରା ଓ ଶଙ୍କର ଜାତୀୟ ପାଇଁ ୬ କିଗ୍ରା ହିସାବରେ ଯବକ୍ଷାରଜାନ ପ୍ରଥମ ଶୀର୍ଷ ସାର ରୂପେ ଗ୍ରହଣ କରନ୍ତୁ

ଫସଲରେ ଉଇ ଜନିତ ଝାଉଁଳା ରୋଗ ଦେଖାଦେଲେ ପ୍ରତି ଲିଟର ପାଣିରେ ୨ ମିଲି ହିସାବରେ କ୍ଲୋରୋପାଇରିଫସ ୨୦ ଇସି ମିଶାଇ ମାଟିକୁ ଭଲଭାବରେ ଭିଜାଇ ଦିଅନ୍ତୁ

**ମାଛ ଚାଷ :** ପୋଖରୀ ଭିତରକୁ ଗେଣ୍ଡା ଚଢେଇ ଓ କପୋତମାନର ପ୍ରବେଶକୁ ରୋକାଯିବା ଉଚିତ ଏହାଦ୍ବାରା ପରଜୀବୀମାନଙ୍କ ଜୀବନଚକ୍ରକୁ ଭଙ୍ଗାଯାଇ ପାରିବ

ମାଛ ପୋଖରୀରେ ଯାଆଁଳମାନଙ୍କ ର ସ୍ବତନ୍ତ୍ର ଯତ୍ନ ନେବା ଆବଶ୍ୟକ

ପୋଖରୀରୁ ପରଜୀବୀମାନଙ୍କ ର ସଂକ୍ରମଣ ଯୋଗ୍ୟ ଅବସ୍ଥାକୁ ସମ୍ପୂର୍ଣ ମାରି ଦେଲେ ରୋଗ ହେବା ଆଶଙ୍କା କମିଯାଏ

ପ୍ରାଣୀ :

ଗାଈମାନଙ୍କର ସାହାଣ,ବଜବଜିଆ ଓ ଫାଟୁଆ ରୋଗ ପାଇଁ ରକ୍ଷା ଏଫଏମଡି ଭାକ୍ସିନ ଗ୍ରହଣ କରନ୍ତୁ

ଗୃହପାଳିତ ପ୍ରାଣୀଙ୍କୁ ଶୀତରୁ ରକ୍ଷା କରିବା ପାଇଁ ଗୁହାଳରେ ଫାଙ୍କା ଥିବା ଜାଗାକୁ ଅଖାରେ ବନ୍ଦ କରନ୍ତୁ

ସୁବିଧାଥିଲେ ଗୋରୁଙ୍କୁ ମଧ୍ୟ ଅଖାରେ ଘୋଡାଇ ରଖନ୍ତୁ

ଗୋରୁ ଗୁହାଳ ର ଭିତର ଓ ବାହାର ସର୍ବଦା ପରିଷ୍କାର ପରିଚ୍ଛନ୍ନ ରଖନ୍ତୁ ।

ଶୀତଦିନେ ଗୋରୁଙ୍କୁ ଉତ୍ତାପ ଶକ୍ତିପ୍ରଦାୟକ  ତନ୍ତୁଜାତୀୟ ଖାଦ୍ୟ ଯଥା ଘାସ ନଡା ପାଳ କୁଣ୍ଡା ଚୋକଡ ଡାଳପତ୍ର ମକାଗଛ ପତ୍ର ଓ କାଣ୍ଡ ଇତ୍ୟାଦି ଖାଇବାକୁ ଦିଅନ୍ତୁ ।

କୃଷି କ୍ଷେତ୍ର ସହ ଜଡିତ ଯେକୌଣସି ସମସ୍ୟା ପାଇଁ ଟୋଲ ଫ୍ରି ନମ୍ବର ୧୫୫୧ କୁ ଡାଏଲ କରନ୍ତୁ।

ଉତ୍ତମ କୃଷି ଲାଭ ପାଇଁ, ଓୟୁଏଟି କଳିଙ୍ଗ ପ୍ରଡକ୍ଟସ୍ (ବିହନ, ସେପଲିଙ୍ଗ୍ ଏବଂ ଜେଡ୍ସିଏମ୍, ଟିସୁ ଚାଷ ଉଦ୍ଭିଦ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ପ୍ରଜନନ, ମହୁମାଛି ଓ ଛେଳି, ଜୈବସାର, ଜୈବ କୀଟନାଶକ, ଭେରିମି ଏବଂ ଭେରିକମ୍ପୋଷ୍ଟ ଏବଂ ଫାର୍ମ ଉପକରଣ)

ଆଇଏମଡିର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ବର୍ତ୍ତମାନ ମେଘଦୂତରେ ଉପଲବ୍ଧ

ଇଂରାଜୀ ଓ ଓଡ଼ିଆ ଭାଷାରେ ମୋବାଇଲ୍ ଆପ୍।ଡାଉନଲୋଡ୍ କରିବା: (ଏଣ୍ଡ୍ରିଓଡ୍: ***https://play.google. com/store/apps/details?id_com.aas.meghdoot)***

**ବି : ଦ୍ରଷ୍ଟବ୍ୟ : ଓୟୁଏଟି  ଶାଖା  ଚିପଲିମା ଓ ଗମ୍ଭାରିପାଲି ବିହନ ଗବେଷଣା ଫାର୍ମ ଠାରେ ସ୍ୱର୍ଣ୍ଣ ଧାନ ବିହନ ୨୦ କିଗ୍ରା ବସ୍ତା ପିଛା ଟ. ୭୧୨ . ୪୦ ପଇସା ଚାଷୀ ନିମିତ୍ତ ବିକ୍ରି ହେଉଅଛି |**

*ନୋଡାଲ ଅଫିସର, କିରେଇ*